ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୪୫ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୦୦୯୭ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୩୧ ଜଣ ।

ଅନୁଗୋଳ, ତା,୧୪.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୪୫ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୩ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୬୫ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୯ଜଣ ( ୬ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୮ଜଣ ( ୪ଜଣ ପୁରୁଷ ଓ ୪ ଜଣ ମହିଳା), ବଅାଁରପାଳ ବ୍ଲକ୍ ଅଂଚଳରୁ ୭ଜଣ ( ୭ଜଣ ପୁରୁଷ ), ପାଲଲହଡା ବ୍ଲକ୍ ଅଂଚଳରୁ ୬ଜଣ ( ୪ଜଣ ପୁରୁଷ ଓ ୨ ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୬ଜଣ (୪ ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ମହିଳା),ଅନୁଗୋଳ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୩୧ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୦୬ଜଣ କୋଭିଡ ହସପିଟାଲରୁ ଓ ୧୨୫ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୪୮ ତା.୧୪.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

୧୪/୧୧/୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ